# ମନ୍ମଥନାଥ ଦାସଙ୍କ ଜନ୍ମ ଶତବାର୍ଷିକୀ ପାଳିତ



■ ବାଲେଶ୍ୱର, ତା ୧୫ । ୫ (ପିଏନଏସ):

ଫକୀରମୋହନ ବିଶ୍ୱବିଦ୍ୟାଳୟ ଓ ସାହିତ୍ୟ ଅକାଦେମୀର ମିଳିତ ଆନୁକୂଲ୍ୟରେ ଖ୍ୟାତିସମ୍ପନ୍ନ ଐତିହାସିକ, ସାହିତ୍ୟିକ ତଥା ବିଶିଷ୍ଟ ଶିକ୍ଷାବିତ ମନ୍ମଥନାଥ ଦାସଙ୍କ ଜନ୍ମ ଶତବାର୍ଷିକୀ ପାଳିତ ହୋଇଯାଇଛି । ଫକିରମୋହନ ବିଶ୍ୱ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ କାର୍ଯ୍ୟକ୍ରମକୁ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀ ଉଦଘାଟନ କରିଥିଲେ । ସମ୍ମାନୀତ ଅତିଥି ଭାବେ ମନ୍ମଥନାଥ ଦାସଙ୍କ ବୋହୂ ରଞ୍ଜିତା ଦାସ ଯୋଗଦେଇ ଫକୀରମୋହନ ବିଶ୍ୱବିଦ୍ୟାଳୟ ଓ ସାହିତ୍ୟ ଅକାଡେମିର ପ୍ରୟାସକୁ ଧନ୍ୟବାଦ ଜ୍ଞାପନ କରିଥିଲେ । ମନ୍ମଥନାଥ ଦାସଙ୍କ ପ୍ରତି ଏହି ସମ୍ମାନସ୍ୱଦ କାର୍ଯ୍ୟକ୍ରମ ଆୟୋଜନକୁ ନେଇ ଭାବାବେଗ ସହ ନିଜର ଅଭିଭାଷଣରେ ମନ୍ମଥନାଥଙ୍କ ଗୁଣଗାନ କରିଥିଲେ।

ସାହିତ୍ୟ ଅକାଡେମୀ ଓଡ଼ିଆ ଉପଦେଷ୍ଟା ପରିଷଦର ଆବାହକ ଗୌରହରି ଦାସ ଯୋଗଦେଇ ମନ୍ମଥନାଥଙ୍କ ରଚିତ ପୁସ୍ତକଗୁଡିକ ଉପରେ ଆଲୋକପାତ କରିଥିଲେ । ତାଙ୍କ ଜୀବନୀ, ଦର୍ଶନ ଓ ସାହିତ୍ୟ ସାଧନାର ଉଦାହରଣ ସହ ସ୍ୱ-ଅନୁଭୂତିକୁ ଉଲ୍ଲେଖ କରିଥିଲେ । ମୁଖ୍ୟବକ୍ତା ଭାବେ ବିଶିଷ୍ଟ ଐତିହାସିକ ଖାରବେଳ ମହାନ୍ତି ଯୋଗଦେଇ ମନ୍ମଥନାଥ ଦାସଙ୍କ ସଂପର୍କିତ ଅନେକ ମୂଲ୍ୟବାନ ପ୍ରସଙ୍ଗମାନ ଉପସ୍ଥାପନ କରିଥିଲେ। ଏହି ଅବସରରେ କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀ, ମନ୍ମଥନାଥଙ୍କୁ ରାଜ୍ୟ, ଦେଶ ତଥା ବିଶ୍ୱର ଜଣେ ଯୋଗଜନ୍ମା ପୁରୁଷ କହି ସମ୍ବୋଧନ କରିବା ସହ ସେ ଶୈକ୍ଷିକ ଜଗତର ଜଣେ ସୂର୍ଯ୍ୟୋଦୟ ଥିଲେ ବୋଲି ମତବ୍ୟକ୍ତ କରିଥିଲେ । କାର୍ଯ୍ୟକ୍ରମର ଦୁଇଟି ବୈଷୟିକ ଅଧିବେଶନରେ ଦାଶ ବେନହୁର, ଅଭିରାମ ବିଶ୍ୱାଳ, ରୁଦ୍ରାଣୀ ମହାନ୍ତି, ସହଦେବ ସାହୁ, ଅଶୋକ ପଟ୍ଟନାୟକ, କୃଷ୍ଣଚନ୍ଦ୍ର ପ୍ରଧାନ, ଲକ୍ଷ୍ମୀକାନ୍ତ ତ୍ରିପାଠୀ, ପ୍ରହଲ୍ଲାଦ ସିଂହ ପ୍ରମୁଖ ଯୋଗଦେଇ ମନ୍ମଥନାଥଙ୍କ ସମ୍ପର୍କରେ ଆଲୋଚନା କରିଥିଲେ । ଉଦଘାଟନୀ ସଭାରେ ସାହିତ୍ୟ ଅକାଡେମି-କୋଲକାତାର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ ସ୍ୱାଗତ ବକ୍ତବ୍ୟରେ ମନ୍ମଥନାଥଙ୍କ ଅବଦାନ ଉପରେ ସମ୍ୟକ ସୂଚନା ରଖିଥିଲେ । କାର୍ଯ୍ୟକ୍ରମକୁ ଭାଷା ଓ ସାହିତ୍ୟ ବିଭାଗର ମୁଖ୍ୟ ପ୍ରଫେସର ଦେବାଶିଷ ପାତ୍ର ସଂଯୋଜନା କରିଥିଲେ । ଏହି ଅବସରରରେ ବିଶ୍ୱବିଦ୍ୟାଳୟ ପରିସରରେ ସାହିତ୍ୟ ଅକାଡେମୀ ପକ୍ଷରୁ ପ୍ରକାଶିତ ଅନେକ ପୁସ୍ତକର ପ୍ରଦର୍ଶନ ସହ ବିକ୍ରୟ ଲାଗି ଷ୍ଟଲ କରାଯାଇଥିଲା । ବୈଷୟିକ ଅଧିବେଶନରେ ଭାଷା ଓ ସାହିତ୍ୟ ବିଭାଗର ଆସିଷ୍ଟାଣ୍ଟ ପ୍ରଫେସର ଡ଼କ୍ଟର ଜୟନ୍ତ କୁମାର ଦାସ ଓ ଡ଼କ୍ଟର ପ୍ରହ୍ଲାଦ ଖିଲ ସକ୍ରିୟ ସହଯୋଗ ପ୍ରଦାନ କରିଥିଲେ ।